# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**20 February – 2026**

## ମୁଖ୍ୟମନ୍ତ୍ରୀ–ବଜେଟ୍

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ବିଧାନସଭାରେ ୨୦୨୬-୨୭ ଆର୍ଥିକ ବର୍ଷ ନିମନ୍ତେ ବଜେଟ୍ ଉପସ୍ଥାପନ କରିବେ । କାର୍ଯ୍ୟସୂଚୀ ଅନୁଯାୟୀ ଅପରାହ୍ନ ୪ଟାରେ ବଜେଟ୍ ଆଗତ କରାଯିବ । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଏହା ତୃତୀୟ ବଜେଟ୍ ଉପସ୍ଥାପନ ହେବ । ୨୦୨୪-୨୫ ଆର୍ଥିକ ବର୍ଷରେ ଶ୍ରୀ ମାଝୀ ୨ ଲକ୍ଷ ୬୫ ହଜାର କୋଟି ଟଙ୍କାର ବଜେଟ୍ ଆଗତ କରିଥିବା ବେଳେ ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ୨ ଲକ୍ଷ ୯୦ ହଜାର କୋଟି ଟଙ୍କାର ବଜେଟ୍ ଆଗତ କରିଥିଲେ ।

## ମୁଖ୍ୟମନ୍ତ୍ରୀ–ରାଜ୍ୟପାଳଙ୍କ ଅଭିଭାଷଣ

ଚଳିତ ବଜେଟ୍ ଅଧିବେଶନର ପ୍ରଥମ ଦିନରେ ବିଧାନସଭାରେ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟୀଙ୍କ ଅଭିଭାଷଣକୁ ଏକ ଦୂରଦୃଷ୍ଟିସଂପନ୍ନ, ଜନକଲ୍ୟାଣକାରୀ, ପ୍ରଗତିଶୀଳ ଏବଂ ସଂସ୍କାରମୂଳକ ଅଭିଭାଷଣ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ଗତକାଲି ରାଜ୍ୟପାଳଙ୍କ ଅଭିଭାଷଣ ଉପରେ ଆଗତ ଧନ୍ୟବାଦ ପ୍ରସ୍ତାବ ଉପରେ ଆଲୋଚନା କାଳରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ରାଜ୍ୟପାଳଙ୍କ ଅଭିଭାଷଣ ରାଜ୍ୟକୁ ଏକ ସମୃଦ୍ଧ, ଶକ୍ତିଶାଳୀ ଏବଂ ବିକଶିତ ରାଜ୍ୟରେ ପରିଣତ କରିବା ପାଇଁ ରାଜ୍ୟ ସରକାରଙ୍କ ଦୃଷ୍ଟିକୋଣକୁ ଦର୍ଶାଉଛି ଏବଂ ଏହା ରାଜ୍ୟ ପାଇଁ ଏକ ମାର୍ଗଦର୍ଶିକା ହେବ ।

# ନୂଆ ଜିଲ୍ଲା ଗଠନ ଦାବି

ରାଜ୍ୟରେ ୩୦ଟି ଜିଲ୍ଲା ରହିଥିବା ବେଳେ ୧୬ଟି ଜିଲ୍ଲାରୁ ଆଉ ୩୧ଟି ନୂଆ ଜିଲ୍ଲା ଗଠନ ପାଇଁ ଦାବିପତ୍ର ମିଳିଥିବା ରାଜସ୍ୱମନ୍ତ୍ରୀ ସୁରେଶ ପୂଜାରୀ ବିଧାନସଭାରେ ସୂଚନା ଦେଇଛନ୍ତି । ନୂଆଜିଲ୍ଲା ଗଠନ ବିଷୟ ବିଚାରାଧୀନ ରହିଥିବା ବେଳେ ୨୦୨୬-୨୭ ଆର୍ଥିକବର୍ଷରେ ନୂଆ ଜିଲ୍ଲା ଗଠନ ପ୍ରସ୍ତାବ ଆସିଲେ ସରକାର ତାହାର ବିଚାର କରିବେ ବୋଲି ରାଜସ୍ୱ ମନ୍ତ୍ରୀ କହିଛନ୍ତି ।

# ରାଜପଥ ପ୍ରକଳ୍ପ ସମୀକ୍ଷା

ରାଜ୍ୟରେ ଯୋଗାଯୋଗ ଏବଂ ଗମନାଗମନ ବ୍ୟବସ୍ଥାର ସୁଦୃଢ଼ୀକରଣ ନିମନ୍ତେ କାର୍ଯ୍ୟକାରୀ ହେଉଥିବା ଜାତୀୟ ରାଜପଥ ପ୍ରକଳ୍ପ ନିମନ୍ତେ ଜମି ଅଧିଗ୍ରହଣ, ଜଙ୍ଗଲ ଜମି ଅନୁମୋଦନ ଏବଂ ଟେଣ୍ଡର ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବା ପାଇଁ ବିଭାଗୀୟ ପ୍ରମୁଖ ଶାସନ ସଚିବ ସଞ୍ଜୟ କୁମାର ସିଂ ନିର୍ଦ୍ଦେଶ ଦେଇଛନ୍ତି । ଜାତୀୟ ରାଜପଥ ପ୍ରକଳ୍ପ ସମୀକ୍ଷା ବୈଠକରେ କ୍ୟାପିଟାଲ୍ ରିଜିଅନ୍ ରିଙ୍ଗ୍‌ରୋଡ୍ ପ୍ରକଳ୍ପ, କଟକ-କନ୍ଦରପୁର ରାସ୍ତା, ବରମ୍ପାଲ-ଗୁଡ଼ିବନ୍ଧ ରାସ୍ତା, ସମ୍ବଲପୁର ବାଇପାସ୍ ଓ ଉପକୂଳ ରାଜପଥ ପ୍ରକଳ୍ପ ସଂପର୍କିତ ସମସ୍ୟା ଗୁଡ଼ିକ ଉପରେ ବିସ୍ତୃତ ଆଲୋଚନା ହୋଇଥିଲା । ନିର୍ମାଣାଧୀନ ପ୍ରକଳ୍ପଗୁଡ଼ିକୁ ଧାର୍ଯ୍ୟ ସମୟସୀମା ମଧ୍ୟରେ ଶେଷ କରିବାକୁ ସଚିବ ଶ୍ରୀ ସିଂ ପରାମର୍ଶ ଦେଇଥିଲେ ।

## ଶ୍ରୀଜଗନ୍ନାଥ ସମ୍ପତ୍ତି

ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସମ୍ପତ୍ତିର ସୁରକ୍ଷା ସମସ୍ତଙ୍କ ନୈତିକ ଦାୟିତ୍ୱ ବୋଲି ରାଜସ୍ୱ ସଚିବ ତଥା ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡକ୍ଟର ଅରବିନ୍ଦ ପାଢ଼ୀ କହିଛନ୍ତି । ଗତକାଲି ଲୋକସେବା ଭବନରେ ଅନୁଷ୍ଠିତ ଏକ ଉଚ୍ଚସ୍ତରୀୟ ବୈଠକ ପରେ ଶ୍ରୀଜଗନ୍ନାଥଙ୍କ ଜମିଜମାର ସୁରକ୍ଷା ଓ ପୁନରୁଦ୍ଧାର ପାଇଁ ସର୍ବୋଚ୍ଚ ନ୍ୟାୟାଳୟ ଏବଂ ଓଡ଼ିଶା ଉଚ୍ଚନ୍ୟାୟାଳୟଙ୍କ ସମସ୍ତ ନିଷ୍ପତ୍ତିକୁ କାର୍ଯ୍ୟକାରୀ କରିବା ନିମନ୍ତେ ଡକ୍ଟର ପାଢ଼ୀ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

---

## ଜଳସମ୍ପଦ ବିଭାଗ ସମୀକ୍ଷା

ବିକଶିତ ଓଡ଼ିଶା-୨୦୩୬ ଲକ୍ଷ୍ୟ ହାସଲ ଦିଗରେ ଜଳସମ୍ପଦ ବିଭାଗର ବିକାଶ କାର୍ଯ୍ୟକୁ ତ୍ୱରାନ୍ୱିତ କରିବା ପାଇଁ ନିଷ୍ପତ୍ତି ଗ୍ରହଣ କରାଯାଇଛି । ଜଳସମ୍ପଦ ବିଭାଗର ପ୍ରମୁଖ ଶାସନ ସଚିବ ସୁଭା ଶର୍ମାଙ୍କ ଅଧ୍ୟକ୍ଷତାରେ ବିଭାଗୀୟ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ସମୀକ୍ଷା ବୈଠକରେ ବିଭାଗୀୟ ଖର୍ଚ୍ଚକୁ ତ୍ୱରାନ୍ୱିତ କରିବା, ଖାଲିପଡ଼ିଥିବା ପଦବ 1 ପୂରଣ ଏବଂ ନିର୍ଦ୍ଧାରିତ ସୂଚକାଙ୍କ ଲକ୍ଷ୍ୟ ହାସଲ ଉପରେ ଗୁରୁତ୍ୱ ପ୍ରଦାନ କରାଯାଇଛି ।

---

## ମାଟ୍ରିକ୍ ପରୀକ୍ଷା

ରାଜ୍ୟରେ ଗତକାଲିଠାରୁ ୩ ହଜାର ୮୨ଟି ପରୀକ୍ଷା କେନ୍ଦ୍ରରେ ଆରମ୍ଭ ହୋଇଥିବା ଦଶମ ଶ୍ରେଣୀ ବୋର୍ଡ ପରୀକ୍ଷାରେ ୫ ଲକ୍ଷ ୬୧ ହଜାର ୯ଶହ ଅଣାଅଶୀ ଜଣ ଛାତ୍ରଛାତ୍ରୀଙ୍କ ମଧ୍ୟରୁ ୧୨ ହଜାର ୯୩ ଜଣ ଅନୁପସ୍ଥିତ ରହିଥିବା ସୂଚନା ମିଳିଛି । ଗଜପତି ଜିଲ୍ଲାରେ ୪୦ଟି

ପରୀକ୍ଷା କେନ୍ଦ୍ରରେ ୮ହଜାର ୧୧୬ ଜଣ ପରୀକ୍ଷା ଦେଉଥିବା ବେଳେ ସମସ୍ତ ପରୀକ୍ଷା କେନ୍ଦ୍ରରେ ସିସିଟିଭି କ୍ୟାମେରା ସ୍ଥାପନ କରାଯାଇଛି । ନବରଙ୍ଗପୁରର ୮୧ଟି କେନ୍ଦ୍ରରେ ୧୬ ହଜାରରୁ ଅଧିକ ପରୀକ୍ଷାର୍ଥୀ ପରୀକ୍ଷା ଦେଉଥିବା ବେଳେ ୪୦୯ ଜଣ ପରୀକ୍ଷାର୍ଥୀ ଅନୁପସ୍ଥିତ ଥିବା ଜଣାପଡ଼ିଛି । ମାଲକାନଗିରି ଜିଲ୍ଲାରେ ୩୮୩ ଜଣ ପରୀକ୍ଷାର୍ଥୀ ଅନୁପସ୍ଥିତ ରହିଛନ୍ତି ।

## ସମ୍ପତ୍ତି ତାଲିକା

ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ସମ୍ପତ୍ତି ତାଲିକା ଦାଖଲ କରିବା ନିୟମ ବାଧ୍ୟତାମୂଳକ ଏବଂ ଏଥିରେ କୌଣସି କୋହଳ ମନୋଭାବ ପୋଷଣ କରାଯିବ ନାହିଁ ବୋଲି ଓଡ଼ିଶା ହାଇକୋର୍ଟ ରାୟ ଦେଇଛନ୍ତି । ବିଚାରପତି ଜଷ୍ଟିସ୍ କୃଷ୍ଣ ଶ୍ରୀପଦ ଦୀକ୍ଷିତ ଓ ଜଷ୍ଟିସ୍ ଚିତ୍ତରଂଜନ ଦାସଙ୍କୁ ନେଇ ଗଠିତ ଖଣ୍ଡପୀଠ ପୂର୍ବରୁ ଜଣିକିଆ ବିଚାରପତିଙ୍କ ଦ୍ୱାରା ଦିଆଯାଇଥିବା ଏକ ଆଦେଶକୁ ରଦ୍ଦ କରି ଏହି ନିର୍ଦ୍ଦେଶ ଦେଇଛନ୍ତି । ପୂର୍ବରୁ ସମ୍ପତ୍ତି ତାଲିକା ଦାଖଲ କରିବାରେ ବିଳମ୍ବ କରିଥିବା କର୍ମଚାରୀଙ୍କୁ ପଦୋନ୍ନତି ପାଇଁ ସୁଯୋଗ ଦେବାକୁ ଜଣିକିଆ ବିଚାରପତି ନିର୍ଦ୍ଦେଶ ଦେଇଥିଲେ ।

## ମୁଖ୍ୟମନ୍ତ୍ରୀ-ବଜେଟ୍

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ବିଧାନସଭାରେ ୨୦୨୬-୨୭ ଆର୍ଥିକ ବର୍ଷ ନିମନ୍ତେ ବଜେଟ୍ ଉପସ୍ଥାପନ କରିବେ । କାର୍ଯ୍ୟସୂଚୀ ଅନୁଯାୟୀ ଅପରାହ୍ନ ୪ଟାରେ ବଜେଟ୍ ଆଗତ କରାଯିବ । ମୁଖ୍ୟମନ୍ତ୍ରୀ

ମୋହନ ଚରଣ ମାଝୀଙ୍କ ଏହା ତୃତୀୟ ବଜେଟ୍ ଉପସ୍ଥାପନ ହେବ । ୨୦୨୪-୨୫ ଆର୍ଥିକ ବର୍ଷରେ ଶ୍ରୀ ମାଝୀ ୨ ଲକ୍ଷ ୬୫ ହଜାର କୋଟି ଟଙ୍କାର ବଜେଟ୍ ଆଗତ କରିଥିବା ବେଳେ ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ୨ ଲକ୍ଷ ୯୦ ହଜାର କୋଟି ଟଙ୍କାର ବଜେଟ୍ ଆଗତ କରିଥିଲେ ।

## ବାର୍ଷିକ ଉତ୍ସବ

ନୂଆପଡ଼ା ଖଡ଼ିଆଲ ମହିଳା ଡିଗ୍ରୀ କଲେଜର ଦଶମ ବାର୍ଷିକ ଉତ୍ସବରେ ଛାତ୍ରୀମାନଙ୍କୁ ଇତିହାସ ପଢ଼ିବା ସହ ଦେଶ, ରାଜ୍ୟ ଓ ଜିଲ୍ଲାର ଇତିହାସ ସଂପର୍କରେ ଜାଣିବା ଲାଗି ଜିଲ୍ଲାପାଳ ଆହ୍ୱାନ ଦେଇଛନ୍ତି । ଅତିଥିମାନେ ଶିକ୍ଷକ ଓ ଶିକ୍ଷାର୍ଥୀଙ୍କ ସଂପର୍କରେ ବକ୍ତବ୍ୟ ରଖିବା ସହ ବିଭିନ୍ନ ପ୍ରତିଯୋଗିତାର କୃତୀ ଛାତ୍ରୀମାନଙ୍କୁ ପୁରସ୍କାର ପ୍ରଦାନ କରିଥିଲେ ।

## ପାଣିପାଗ

ପୂର୍ବ ଭାରତ ମହାସାଗର ଏବଂ ଏହାର ପାର୍ଶ୍ୱବର୍ତ୍ତୀ ଦକ୍ଷିଣ-ପଶ୍ଚିମ ବଙ୍ଗୋପସାଗରରେ ଲଘୁଚାପ କ୍ଷେତ୍ର ସୃଷ୍ଟି ହୋଇଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଏହା ପଶ୍ଚିମ, ଉତ୍ତର-ପଶ୍ଚିମ ଦିଗରେ ଗତିକରି ଦୁର୍ବଳ ହେବାର ସମ୍ଭାବନା ରହିଛି । ତେବେ ସେହି ସମୟ ମଧ୍ୟରେ ଦକ୍ଷିଣ-ପୂର୍ବ ବଙ୍ଗୋପସାଗରରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇଛି । ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ସମ୍ଭାବ୍ୟ ଲଘୁଚାପ ପ୍ରଭାବରେ ରାଜ୍ୟର ବିଭିନ୍ନ ଅଞ୍ଚଳରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ସମ୍ଭାବନା ରହିଛି ।